# କେନ୍ଦୁପତ୍ର ତୋଳାଳିଙ୍କ ପାଇଁ ପ୍ୟାକେଜ୍

ଭୁବନେଶ୍ବର,୧୨।୧/ଏନ୍‌ଏନ୍‌ଏସ୍:

କେନ୍ଦୁପତ୍ର ତୋଳାଳିଙ୍କ କଲ୍ୟାଣ ପାଇଁ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକ ସ୍ଵତନ୍ତ୍ର ପ୍ୟାକେଜ୍ ଘୋଷଣା କରିଛନ୍ତି। ୯୨.୩୭ କୋଟି ଟଙ୍କାର ସହାୟତା ଭିତରୁ ୫୯.୭୮ କୋଟି ଟଙ୍କା ବୋନସ୍ ଆକାରରେ ପ୍ରଦାନ କରାଯିବ। ବାକି ଅର୍ଥ ଅନ୍ୟାନ୍ୟ ସହାୟତା ଆକାରରେ ଦିଆଯିବ।

- ବୋନସ୍ ୫୯.୭୮ କୋଟି
- ମୃତ୍ୟୁ, ଅକର୍ମଣ୍ୟ କ୍ଷେତ୍ରରେ ସହାୟତା ଦୁଇ ଲକ୍ଷକୁ ବୃଦ୍ଧି

ସେହିପରି ମୃତ୍ୟୁ, ଅକର୍ମଣ୍ୟ କ୍ଷେତ୍ରରେ ସହାୟତା ରାଶୀ ଏକ ଲକ୍ଷ ଟଙ୍କାରୁ ଦୁଇ ଲକ୍ଷ ଟଙ୍କାକୁ ବୃଦ୍ଧି କରାଯାଇଛି। ସୋମବାର କେନ୍ଦୁପତ୍ର କଲ୍ୟାଣ ବୋର୍ଡ ବୈଠକରେ ମୁଖ୍ୟମନ୍ତ୍ରୀ ଏହି ଘୋଷଣା କରିଛନ୍ତି। ଭିଡିଓ କନ୍‌ଫରେନସିଂ ଜରିଆରେ ଅନୁଷ୍ଠିତ ବୈଠକରେ ମୁଖ୍ୟମନ୍ତ୍ରୀ ଅଧ୍ୟକ୍ଷତା କରିଥିଲେ। କେନ୍ଦୁପତ୍ର ତୋଳାଳି, ବନ୍ଧେଇ ଶ୍ରମିକ ଓ ସାମୟିକ କର୍ମଚାରୀଙ୍କ କଲ୍ୟାଣ ନିମନ୍ତେ ଚଳିତ ବର୍ଷ ବୋନସ୍, ଅନ୍ୟାନ୍ୟ ସହାୟତା ଓ ଭିତ୍ତିଭୂମି ବିକାଶ ଉଦ୍ଦେଶ୍ୟରେ ୯୨.୩୭ କୋଟି ଟଙ୍କା ବୋର୍ଡ ମଞ୍ଜୁର କରିଛି। ମୁଖ୍ୟମନ୍ତ୍ରୀ ଶ୍ରୀ ପଟ୍ଟନାୟକ କହିଥିଲେ, କେନ୍ଦୁପତ୍ର ସଂଗ୍ରହ, ବନ୍ଧେଇ ଓ ପ୍ରକ୍ରିୟାକରଣ କାର୍ଯ୍ୟରେ ସାଧାରଣତଃ ଗରିବ ଲୋକମାନେ ନିୟୋଜିତ ହୋଇଥା'ନ୍ତି। ସେମାନଙ୍କ କଲ୍ୟାଣ ପାଇଁ ରାଜ୍ୟ ସରକାର ସବୁବେଳେ ଉଦ୍ୟମ ଜାରି ରଖିଛନ୍ତି।

▶▶ ୭